# ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର

ମନ ଯାର ବ୍ୟସ୍ତ ସଦା ପରସ୍ୱ ହରଣେ,
ଧନ ଯାର ବିଦଳିତ ଗଣିକା-ଚରଣେ,
ଜୀବନ ଯା ଲକ୍ଷ ଲକ୍ଷ ଲୋକଙ୍କର ଭାର,
ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର ।

ବିଦ୍ୟା ଯାର ମୋଡୁଥାଏ ଧର୍ମନୀତି ମୁଣ୍ଡ,
ବୁଦ୍ଧି ଯାର କରୁଥାଏ ଶତ ସତ୍ୟ ଗୁଣ୍ଡ,
ଧନେ କ୍ରୀତ ହେଉଥାଏ ଯାହାର ବିଚାର,
ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର ।

ସୁବର୍ଣ୍ଣ ହରଣ କରି ତାମ୍ର କରେ ଦାନ,
ଧନେ କରିଥାଏ ପ୍ରଭୁ ସନ୍ତୋଷ ବିଧାନ,
ଢ଼ାଙ୍କିବାକୁ ଦୋଷ ଦିଏ ନାନା ଉପହାର,
ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର ।

ଭ୍ରମଣ ଖରଚ ପାଇଁ ପାଇଥାଏ ଭତ୍ତା;
ଖାଇଥାଏ ମୋଡ଼ି ଏଣେ ଦରିଦ୍ରଙ୍କ ମଥା
କରୁଥାଏ କ୍ଷମତାର ଅପବ୍ୟବହାର,
ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର ।

ବହିର୍ଗତ ହୋଇଥାଏ ଘରୁ ଶୂନ୍ୟକରେ,
ଶଗଡ଼ ଶଗଡ଼ ଦ୍ରବ୍ୟ ଆଣି ଘରେ ଭରେ
ସେହି ଦ୍ରବ୍ୟମାନ ପୁଣି ଦେଖାଏ ବଜାର,
ତାକୁ ମଧ୍ୟ ବୋଲିଥାନ୍ତି ଧର୍ମ ଅବତାର ।